# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 2179 CUTTACK, SATURDAY, DECEMBER 16, 2017/MARGASIRA 25, 1939**


**ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ**

**ଘୋଷଣା**

**No RDM-LAA-NGH-0023-2017 /41099 R&DM, Dated** 30-11-2017

ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ଧାରା ୧୯ ର ଅଧିନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନ ର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳ, ନୟାଗଡ ଙ୍କ ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ମୌଜା – **ବାରପୁରିକିଆ** ,ଥାନା- ଦଶପଲ୍ଲା ନଂ –୩୯୮ , ତହସିଲ- ଦଶପଲ୍ଲା, ଜିଲ୍ଲା- ନୟାଗଡ ରେ ନିମ୍ନ ସୂଚୀତ 'କ' ତଫସିଲ ଜମି ଏହି ଆଇନର ଧାରା ୨(୧) ପ୍ରକାରେ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା ଖୋର୍ଦ୍ଧା ରୋଡ – ବଲାଙ୍ଗିର ଓସାରିଆ ରେଳପଥ ପ୍ରକଳ୍ପ ନିମନ୍ତେ ପୂର୍ବତଟ ରେଳପଥ ଙ୍କ ଦ୍ୱାରା ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (Right to Fair Compensation and Transparency in Land Acquisition, Rehabilitation & Resettlement Act, 2013) ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା **୨୮୭୬** ତା.**୨୪.୦୧.୨୦୧୭** ରିଖ ରେ ପ୍ରକାଶିତ ହୋଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ ମୌଜା – **ବାରପୁରିକିଆ,** ଥାନା- ଦଶପଲ୍ଲା ନଂ – ୩୯୮, ଜିଲ୍ଲା- ନୟାଗଡ ରେ କୌଣସି ବିସ୍ଥାପିତ ପରିବାର ନ ଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବସାଇଟ www.nayagarh.nic.in ରେ ଏବଂ ରାଜ୍ୟ ସରକାରଙ୍କ ୱେବସାଇଟ www.odisha.gov.in/revenue ରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପଲୋଡ୍ କରାଗଲା । ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା ଓ ଭୂମି ନକ୍ସା ଭୂ-ଅର୍ଜନ ଅଧିକାରୀଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

## ତଫସିଲ- କ

## (ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା: ନୟାଗଡ ତହସିଲ: - ଦଶପଲ୍ଲା

| ଗ୍ରାମର ନାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | କିସମ | ପ୍ଲଟ୍ ର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତ୍ ଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ବାରପୁରିକିଆ | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏ. ୦.୨୨୦ | ଏ. ୦.୨୨୦ | ଏଥି ସହିତ ସଂଲଗ୍ନ |

## ତଫସିଲ- ଖ

## (ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁ ସୂଚୀ)

ଜିଲ୍ଲା:- ନୟାଗଡ ତହସିଲ: - ଦଶପଲ୍ଲା

| ଗ୍ରାମର ନାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | କିସମ | ପ୍ଲଟ୍ ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତ୍ ଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

ଅଧିସୂଚନାର ବୈଧ ତାରିଖ: ୨୨.୦୪.୨୦୧୭

| ଜମି ର ତାଲିକା | | | | | | |
|---|---|---|---|---|---|---|
| କ୍ରମିକ ନଂ | ୧ | ୨ | ୩ | ୪ | ୫ | ୬ |
| | ଖତିୟାନ ନଂ | ପ୍ଲଟ ନଂ | ରକବା | ଅଧିଗ୍ରହଣ ରକବା | କିସମ | ଅଭିଲିଖିତ ରୟତ ନାମ |
| ୧ | ୨୧୯ | ୧ | ୦.୨୨୦ | ୦.୨୨୦ | ତଇଲା-୨ | ଶ୍ଯାମା ବେହେରା, ପି- ଅପର୍ତ୍ତି ବେହେରା, ଜଣକ ବେହେରା, ପି- ଚିନ୍ତାମଣି ବେହେରା, କାଣ୍ଡୁରି ବେହେରା, ପି- କଲି ବେହେରା, ଜାତି-ଧୋବା ଗ୍ରାମ- ଖଣ୍ଡପଡା |

ରାଜ୍ୟପାଳଙ୍କ ଆଦେଶକ୍ରମେ

ଅଭୟ କୁମାର ନାୟକ

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1507—173+20